# ସମ୍ଭାବ୍ୟ ବାତ୍ୟା ସମ୍ପର୍କିତ ପୂର୍ବ ପ୍ରସ୍ତୁତି ସୂଚନା

ସମ୍ଭାବ୍ୟ ବାତ୍ୟାକୁ ଦୃଷ୍ଟିରେ ରଖି ଆଜି ସ୍ୱତନ୍ତ୍ର ରିଲିଫ କମିଶନର ଶ୍ରୀ ପ୍ରଦୀପ ଜେନା ଗଞ୍ଜାମ, ପୁରୀ , ଜଗତସିଂହପୁର କେନ୍ଦ୍ରାପଡ଼ା ଜିଲ୍ଲାର ଜିଲପାଳମାନଙ୍କୁ ନିର୍ଦ୍ଦେଶ ଦେଇ କହିଛନ୍ତିଯେ ଗଞ୍ଜାମ ଜିଲ୍ଲାର ରଙ୍ଗେଇଲୁଣ୍ଡା , ଚିକିଟି ଗଞ୍ଜାମ ଓ ଛତ୍ରପୁରୁ ବ୍ଲକ ପୁରୀ ଜିଲ୍ଲାର କୃଷ୍ଣପ୍ରସାଦ, ବ୍ରହ୍ମଗିରି, ପୁରୀ ସଦର, ଗୋପ , କାକଟପୁର ଓ ଆସ୍ତରଙ୍ଗ ଜଗତସିଂହପୁର ଅଞ୍ଚଳର ବାଲିକୁଦା , ଏରସମା , କୁଜାଙ୍ଗ , କେନ୍ଦ୍ରାପଡ଼ା ଜିଲ୍ଲାର ମହାକାଳପଡା ଓ ରାଜନଗର ବ୍ଲକର ତଳିଆ ଅଞ୍ଚଳ ମାଟିଘର ଓ କୁଡିଆଘରେ ବାସକରୁଥିବା ଜନସାଧାରଣଙ୍କୁ ୧୦ ତାରିଖ ଦିନ ଅପରହ୍ନ ସୁଧା ବାତ୍ୟା ଆଶ୍ରୟସ୍ଥଳୀକୁ ସ୍ଥାନାନ୍ତରିତ କରାଯିବ ।

ସେହିପରି ଆଗାମି ୧୫ ଦିନ ମଧ୍ୟରେ ପ୍ରସବ କରିବାକୁ ଥିବା ଗର୍ଭବତୀ ମହିଳାଙ୍କୁ ନିକଟସ୍ଥ ସରକାରୀ ହସ୍ପିଟାଲ ସ୍ଥାନାନ୍ତରିତ କରିବାସହ ସେମାନଙ୍କର ସମସ୍ତ ପ୍ରକାର ଯତ୍ନ ନିଆଯିବ ।

ଓଡ୍ରାଫଟିମକୁ ଆସନ୍ତା ୯ ତାରିଖ ଦିନ ସକାଳ ସୁଦ୍ଧ । ୬ ଟି ଓଡ୍ରାଫ ଟିମ ପୁରୀ ଜିଲ୍ଲା ଓ ପୁରୀ ଜିଲ୍ଲାର କୃଷ୍ଣପ୍ରସାଦ ବ୍ଲକ ଗଞ୍ଜାମ , ଭଦ୍ରକ , ଜଗତସିଂହପୁର, ଓ କେନ୍ଦ୍ରାପରା ଜିଲ୍ଲାରେ ମୁତୟନ କରାଯିବ ।

୧୮ ଟି ଜିଲ୍ଲାର ଜିଲ୍ଲାପାଳ , ଭୁବେନେଶ୍ୱର, କଟକ ଓ , ବ୍ରହ୍ମପୁର ମୁନିସପାଲ କମିଶନର ମାନେ ବାତ୍ୟା ସମୟରେ ହେବାକୁ ଥିବା ବର୍ଷା ଦ୍ୱାରା ତଳିଆ ଅଞ୍ଚଳ ଜଳମଗ୍ନ ହେବାର ସମ୍ଭାବନା ଥିବା ବେଳେ ଯଦି ଏଭଳି ପରିସ୍ଥିତି ଉପୁଯେ ଏହି ସବୁ ସ୍ଥାନରୁ ଜଳ ନିଷ୍କାସନର ବ୍ୟବସ୍ଥା କରିବେ ।

ଗ୍ରାମ ଉନ୍ନୟନ , ଜଳସମ୍ପଦ , ନଗରଉନ୍ନୟନ , ଶକ୍ତି , ପଞ୍ଚାୟତିରାଜ ଓ ପାନୀଯ ଜଳ ବିଭାଗ ସେମାନଙ୍କର ସମସ୍ତ ମାନବ ସମ୍ବଳ ଓ ମେସିନ ସଜାଗ ରଖିବା ପାଇ ନିର୍ଦ୍ଦେଶ ଦିଆ ଜାଇଛି । ଅବଶ୍ୟକ ସ୍ଥଳେ ଏସ ଆରସି ଙ୍କ ନିର୍ଦ୍ଦେଶ ମତେ ସେମାନଙ୍କୁ ନିୟୋଜନ କରାଯିବ ।

ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ବିଭାଗ ତରଫରୁ ସମସ୍ତ ଜିଲ୍ଲା ଓ ତତସଲଗ୍ନ ଅଫିସ ଗୁଡିକୁ ବିପର୍ଯ୍ୟୟ ପରିଚାଳନା ସମ୍ପର୍କିତ ମାର୍ଗଦର୍ଶିକା ବିଷୟରେ ଅବଗତ କରିବା ସହ ବାତ୍ୟା ଜନିତ ପୂର୍ବ ଓ ପରବର୍ତ୍ତୀ ଅବସ୍ଥାର ମୁକାବିଲା ପାଇଁ ସଜାଗ ରହିବେ । ବିଭାଗ ପକ୍ଷରୁ ଜଣେ ବରିଷ୍ଠ ଅଧିକାରୀ ନୋଡାଲ ଅଫିସର ଏସଆରସି ଙ୍କ ଅଫିସ ସହ ନିରନ୍ତର ସଂଯୋଗରେ ରହିବେ । ବିଭାଗ ପକ୍ଷରୁ ଆବଶ୍ୟକୀୟ ପଶୁ ଔଷଧ ବିଭିନ୍ନ ପଶୁ ଚିକିତ୍ସାଳୟରେ ମହଜୁଦ ରଖିବେ । ବିଭାଗ ପକ୍ଷରୁ ପଶୁ ଆହାର ଯୋଗାଇ ଦେଉଥିବା ଯୋଗାଣକାରୀ ମାନଙ୍କର ଏକ ତାଲିକା ପ୍ରସ୍ତୁତ କରିବେ ଯାହାକି ଆବଶ୍ୟକ ସମୟରେ କାର୍ଯ୍ୟରେ ଆସିବ।

ମତ୍ସ୍ୟଜିବି ମାନଙ୍କୁ ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଥିବା ବେଳେ ପୂର୍ବରୁ ସମୁଦ୍ରକୁ ଯାଇଥିବା ସମସ୍ତ ଡଙ୍ଗା ସୁରକ୍ଷିତ ଭାବେ ଫେରିଆସିଛି ।